# ଆଜି ଅନୁଗୋଳ ଜିଲ୍ଲାରୁ ୪୯୭ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୨୦୪୦୪ରେ ପହଞ୍ଚିଲା - ସୁସ୍ଥ ହେଲେ ୫୯୮ଜଣ ।

ଅନୁଗୋଳ, ତା.୧୦.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୪୯୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୨୦ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୫୦୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭୩ଜଣ ( ୩୯ଜଣ ପୁରୁଷ ଓ ୩୪ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୭୧ଜଣ ( ୪୭ଜଣ ପୁରୁଷ ଓ ୨୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୬୩ଜଣ ( ୪୫ଜଣ ପୁରୁଷ ଓ ୧୮ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫୫ଜଣ ( ୩୭ଜଣ ପୁରୁଷ ଓ ୧୮ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫୫ଜଣ ( ୩୫ଜଣ ପୁରୁଷ ଓ ୨୦ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୪୭ଜଣ ( ୩୧ଜଣ ପୁରୁଷ ଓ ୧୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪୬ଜଣ ( ୩୪ଜଣ ପୁରୁଷ ଓ ୧୨ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩୬ଜଣ ( ୧୯ଜଣ ପୁରୁଷ ଓ ୧୭ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୪ଜଣ ( ୧୫ଜଣ ପୁରୁଷ ଓ ୯ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୮ଜଣ ( ୧୦ଜଣ ପୁରୁଷ ଓ ୮ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୯ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୮୮ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୯୮ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୪୩ ଜଣ ମୃତ୍ୟୁବରଣ କଲେଣି ।

ଅପରାହ୍ନରେ ଜିଲ୍ଲାପାଳ କରୋନା ସ୍ଥିତି ନେଇ ସମୀକ୍ଷା କରିଥିଲେ । ପ୍ରତିଦିନ ସକାଳ ବେଳା Enforecementକୁ ଜୋରଦାର କରିବା ସହ ଚିକିତ୍ସିତ ହେଉଥିବା ଆକ୍ରାନ୍ତମାନଂକର ସ୍ଥିତିକୁ ନିୟମିତ ତଦାରଖ କରିବାକୁ ପରାମର୍ଶ ଦେଇଥିଲେ । ଏହି ସମୀକ୍ଷା ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଏଡିଏମ୍‌ଓ ଡା. ଧନଞ୍ଜୟ ବେହେରା ପ୍ରମୁଖ ଉପସ୍ଥିତ ଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୦୦ ତା.୧୦.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ